The Orissa Gazette

EXTRAORDINARY

PUBLISHED BY AUTHORITY

No. 501 CUTTACK, TUESDAY, MARCH 8, 2011/FALGUNA 17, 1932

ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ

ଘୋଷଣା

ତାରିଖ 28 ଫେବ୍ରୁଆରୀ 2011

ସଂଖ୍ୟା 9106—ଏଲ୍.ଏ.(ସି)–37/2011–କଟକ–ରାବିପ.—ଯେହେତୁ ଓଡ଼ିଶା ସରକାରଙ୍କୁ ପ୍ରତୀତ ହେଉଛି କି ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଅର୍ଥାତ୍ କାଠଯୋଡି ନଦୀ ଉପରେ ଉଚ୍ଚସେତୁ ନିର୍ମାଣ ପାଇଁ ସରକାର, ସରକାରୀ ବ୍ୟୟରେ ମୌଜା ବରାଳ, ଥାନା କଟକ ସଦର, ତହସିଲ କଟକ ସଦର , ଜିଲ୍ଲା କଟକରେ ଭୂମି ଅର୍ଜନ କରିବା ଆବଶ୍ୟକ ହେଉଅଛି ; ତେଣୁ ଏତଦ୍ଦ୍ୱାରା ଘୋଷଣା କରାଯାଉଅଛି କି ଉକ୍ତ ଉଦ୍ଦେଶ୍ୟରେ ପ୍ରାୟ 0. 47 ଏକର ପରିମିତ ଭୂମି ଉପରୋକ୍ତ ଗ୍ରାମରେ ଆବଶ୍ୟକ ହେଉଅଛି ।

ଭୂ-ଅର୍ଜନ (ସଂଶୋଧିତ) ଆଇନ୍, 1984 ଦ୍ୱାରା ସଂଶୋଧିତ ହେବା ପ୍ରକାରେ 1894 ର ଅଧିନିୟମର ଧାରା 6 (1) ର ବ୍ୟବସ୍ଥାନୁଯାୟୀ ପ୍ରଣୀତ ଏହି ଘୋଷଣାଟି ଏଥିସହିତ ସଂପୃକ୍ତ ସମସ୍ତଙ୍କ ପାଇଁ ପ୍ରଯୁଜ୍ୟ ଅଟେ ।

ଭୂ–ଅର୍ଜନ ଆଇନର 4 (1) ଧାରା ଅନୁଯାୟୀ ଅଧିସୂଚନା ସଂଖ୍ୟା 26109–ରାବିପ., ତା 3 ଜୁଲାଇ 2010 ରିଖ ଓ ରାଜପତ୍ର ସଂଖ୍ୟା 1128, ତା 16 ଜୁଲାଇ 2010 ରିଖରେ ପ୍ରକାଶିତ ହୋଇଥିବା ଭୂମି ଅନୁସୂଚୀ ଉକ୍ତ ଘୋଷଣାନାମା ଅନ୍ତର୍ଭୁକ୍ତ ଅଟେ ।

ଉକ୍ତ ଜମିର ଏକ ନକ୍ସା, କଟକ ଜିଲ୍ଲାପାଳଙ୍କ ଭୂ-ଅର୍ଜନ କାର୍ଯ୍ୟାଳୟରେ, କାର୍ଯ୍ୟଦିବସ ମାନଙ୍କରେ ଦେଖିବାକୁ ମିଳିପାରିବ ।

ରାଜ୍ୟପାଳଙ୍କ ଆଦେଶାନୁକ୍ରମେ

ସୟଦ୍ ନାୟାର ଅହମ୍ମଦ

ଅତିରିକ୍ତ ଶାସନ ସଚିବ

Printed and published by the Director, Printing, Stationery and Publication, Orissa, Cuttack-10
Ex. Gaz. 2257–193+20